## ପ୍ରେସ୍ ନୋଟ୍

# ଆଜି ଅନୁଗୋଳ ଜିଲ୍ଲାରୁ ୪୪ ଜଣ କରୋନା ପଜିଟିଭ ଚିହ୍ନଟ ।

### ପଜିଟିଭ ସଂଖ୍ୟା ୪୮୨୭୮ ରେ ପହଞ୍ଚିଲା -ସୁସ୍ଥ ହେଲେ ୯୭ଜଣ ।

ଅନୁଗୋଳ,ତା.୧୫.୦୨:- ଆଜି ଅନୁଗୋଳ ଜିଲ୍ଲାରେ ୪୪ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତଙ୍କ ମଧ୍ୟରେ କିଶୋରନଗର ବ୍ଲକ୍ ଅଂଚଳରୁ ୧୦ଜଣ ( ୬ଜଣ ପୁରୁଷ ଓ ୪ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୮ଜଣ (୫ଜଣ ପୁରୁଷ ଓ ୩ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ୬ ଜଣ ( ୪ଜଣ ପୁରୁଷ ଓ ୨ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୫ଜଣ (୩ଜଣ ପୁରୁଷ ଓ ୨ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୪ଜଣ( ୨ଜଣ ପୁରୁଷ ଓ ୨ଜଣ ମହିଳା), ବଅଁରପାଳ ବ୍ଲକ୍ ଅଂଚଳରୁ ୩ଜଣ (୨ ଜଣ ପୁରୁଷ ଓ୧ ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୩ଜଣ ( ୨ଜଣ ପୁରୁଷ ଓ ୧ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୩ଜଣ ( ୨ଜଣ ପୁରୁଷ ଓ ୧ଜଣ ମହିଳା) ଓ ଅନୁଗୋଳ ପୌରାଞ୍ଚଳରୁ ୨ଜଣ ( ୨ଜଣ ପୁରୁଷ ) ଅଛନ୍ତି । ଲକ୍ଷଣଯୁକ୍ତ ଆକ୍ରାନ୍ତଂକୁ ନିଜ ଘରେ Isolation ରେ ରଖାଯାଇ ନିରୀକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୪୧୩ଜଣ ମୃତ୍ୟୁବରଣ କଲେଣି । ଆଜି ଅନୁଗୋଳ ଜିଲ୍ଲାରୁ ୯୭ଜଣ ସୁସ୍ଥ ହୋଇଛନ୍ତି । ଆଜି ସୁଦ୍ଧା ୧୬ଲକ୍ଷ ୯୨ହଜାର ୮୦ଜଣଙ୍କୁ ଟିକା ଦିଆଗଲାଣି ।